## ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୩୪୭ ଜଣ କରୋନା ପଜିଟିଭ ଚିହ୍ନଟ

**ପଜିଟିଭ ସଂଖ୍ୟା ୧୬୯୬୧ରେ ପହଞ୍ଚିଲା - ସୁସ୍ଥ ହେଲେ ୧୮୬ଜଣ ।**

ଅନୁଗୋଳ, ତା.୦୩.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୩୪୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୪୦୨ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୭୦ଜଣ (୪୬ ଜଣ ପୁରୁଷ ଓ ୨୪ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୬୩ଜଣ ( ୪୧ଜଣ ପୁରୁଷ ଓ ୨୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୪୪ଜଣ (୩୧ ଜଣ ପୁରୁଷ ଓ ୧୩ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪୦ଜଣ ( ୩୩ଜଣ ପୁରୁଷ ଓ ୭ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩୬ଜଣ( ୨୪ଜଣ ପୁରୁଷ ଓ ୧୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୨୭ଜଣ( ୧୬ଜଣ ପୁରୁଷ ଓ ୧୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୪ଜଣ (୧୭ ଜଣ ପୁରୁଷ ଓ ୭ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨୩ଜଣ ( ୧୬ଜଣ ପୁରୁଷ ଓ ୭ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୬ଜଣ (୫ ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୯୦ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୮୬ ଜଣ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୯୧ ତା.୦୩.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ